ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/HE(Od)/207/20-03-2025**

## ଉଚ୍ଚଶିକ୍ଷା ବିଭାଗ

## ପ୍ରେସ ନୋଟ୍

ଭୁବନେଶ୍ୱର,୨୦/୦୩/୨୦୨୫:

ଆଗାମୀ ଶିକ୍ଷାବର୍ଷ ୨୦୨୫-୨୬ ନିମନ୍ତେ ଦୁଇ ବର୍ଷିଆ ବି. ଏଡ଼୍/ଏମ. ଏଡ଼୍/ ବି.ଏଚ.ଏଡ଼ ପାଠ୍ୟକ୍ରମରେ ନାମଲେଖା ପ୍ରକ୍ରିୟା ଶୀଘ୍ର ଆରମ୍ଭ କରାଯିବା ପାଇଁ ରାଜ୍ୟ ସରକାର ନିଷ୍ପତ୍ତି ଗ୍ରହଣ କରିଛନ୍ତି । ଛାତ୍ରଛାତ୍ରୀମାନଙ୍କର ଭବିଷ୍ୟତ ଓ ବୃହତ୍ତର ସ୍ୱାର୍ଥକୁ ଦୃଷ୍ଟିରେ ରଖି ଶିକ୍ଷାବର୍ଷ ୨୦୨୫-୨୬ ପାଇଁ ନାମଲେଖା ପ୍ରକ୍ରିୟାକୁ ଶୀଘ୍ର ଆରମ୍ଭ କରିବା ପାଇଁ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ନିଷ୍ପତ୍ତି ନିଆଯାଇଛି।

ଏଥିପାଇଁ ଆବେଦନକାରୀମାନଙ୍କ ପାଇଁ ଆସନ୍ତା ମାର୍ଚ୍ଚ ୨୪ ତାରିଖ (୨୪.୦୩.୨୦୨୫) ଠାରୁ Common Application Form (CAF) ପୂରଣ ପ୍ରକ୍ରିୟା ଆରମ୍ଭ ହେବ ।

ବିଗତ ବର୍ଷ ଭଳି ଆଗାମୀ ଶିକ୍ଷା ବର୍ଷ ୨୦୨୫-୨୬ ପାଇଁ ମଧ୍ୟ ଦୁଇ ବର୍ଷିଆ ବି. ଏଡ଼୍/ଏମ୍. ଏଡ଼୍/ ବି.ଏଚ. ଏଡ଼ ପାଠ୍ୟକ୍ରମରେ ନାମଲେଖା ଏବଂ ଚୟନ ପ୍ରକ୍ରିୟା ଏଥିପାଇଁ ଉଦ୍ଦିଷ୍ଟ ପ୍ରବେଶିକା ପରୀକ୍ଷାର ମାର୍କ ଆଧାରରେ ହିଁ କରାଯିବ । ପ୍ରବେଶିକା ପରୀକ୍ଷା ଆସନ୍ତା ଜୁନ୍ ମାସ ପ୍ରଥମ ସପ୍ତାହରେ ଅନୁଷ୍ଠିତ ହେବ।

ଏଥି ସହ ଶିକ୍ଷା ବର୍ଷ ୨୦୨୫-୨୬ରେ ଦୁଇ ବର୍ଷିଆ ବି. ଏଡ଼୍/ଏମ. ଏଡ଼୍/ ବି.ଏଚ. ଏଡ଼ ପାଠ୍ୟକ୍ରମକୁ ଆସନ୍ତା ୨୪ ଜୁଲାଇ, ୨୦୨୫ ତାରିଖ ସୁଦ୍ଧା ଆରମ୍ଭ କରାଯିବା ପାଇଁ ଲକ୍ଷ୍ୟ ରଖାଯାଇଛି ।

ସରକାରଙ୍କ ଏହି ନିଷ୍ପତ୍ତି ଫଳରେ ସଠିକ ସମୟରେ ପାଠ୍ୟକ୍ରମ ଆରମ୍ଭ ହୋଇ ସଠିକ ସମୟରେ ପରୀକ୍ଷା କରାଯାଇ ଫଳାଫଳ ମଧ୍ୟ ଘୋଷଣା କରାଯାଇପାରିବ, ଯାହାଦ୍ୱାରା ଛାତ୍ରଛାତ୍ରୀମାନେ ଉପକୃତ ହୋଇପାରିବେ ।

ଅମ୍ଲାନ ଦାସ
ଲୋକସଂପର୍କ ଅଧିକାରୀ